**REGIONAL NEWS UNIT, AIR CUTTACK**

**Morning Bulletin (7.05 AM)**

**29th August - 2026**

*************************************

***Desk***

# କୃଷି – ବୁଝାମଣା

ଚାଷୀମାନଙ୍କୁ ସଶକ୍ତ କରିବା ସହିତ ସେମାନଙ୍କର ଆୟ ବୃଦ୍ଧି କରିବା ଲକ୍ଷ୍ୟ ନେଇ ରାଜ୍ୟ ସରକାର ୬ଟି ଗୁରୁତ୍ୱପୂର୍ଣ୍ଣ ବୁଝାମଣା ପତ୍ର ସ୍ୱାକ୍ଷର କରିଛନ୍ତି । କୃଷି ଓ କୃଷକ ସଶକ୍ତୀକରଣ ବିଭାଗର ସୂଚନା ଅନୁସାରେ ଡିଜିଟାଲ୍ କୃଷି, ଉନ୍ନତ ବିହନ, ଜଳବାୟୁ ସହନଶୀଳତା ଏବଂ ପୋଷଣ କ୍ଷେତ୍ରରେ ସୁଧାର ଆଣିବାପାଇଁ ଡାକବିଭାଗ, 'ଇକ୍ରିସାଟ୍' ଏବଂ ଏମ୍.ଏସ୍. ସ୍ୱାମୀନାଥନ୍ ଗବେଷଣା ପ୍ରତିଷ୍ଠାନ ସହିତ ବୁଝାମଣାପତ୍ରଗୁଡ଼ିକ ସ୍ୱାକ୍ଷରିତ ହୋଇଛି । ବିଭାଗୀୟ ମନ୍ତ୍ରୀ ତଥା ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ କହିଛନ୍ତି, ଗ୍ରାମୀଣ ଡାକସେବକଙ୍କ ଜରିଆରେ ଅଗ୍ରିଷ୍ଟାକ୍ ପଞ୍ଜୀକରଣ କରାଯିବ । ଡାଲି ଓ ତୈଳବୀଜ ଉତ୍ପାଦନ କ୍ଷେତ୍ରରେ ଓଡ଼ିଶାକୁ ଆତ୍ମନିର୍ଭରଶୀଳ କରିବାପାଇଁ ସରକାରଙ୍କ ଏହି ପଦକ୍ଷେପ ଚାଷୀମାନଙ୍କୁ ସିଧାସଳଖ ଲାଭ ପହଞ୍ଚାଇବ ବୋଲି ମନ୍ତ୍ରୀ ଶ୍ରୀ ସିଂହଦେଓ କହିଛନ୍ତି ।

*Desk*

# ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତାକାଲି ପୂର୍ବାହ୍ନ ୧୧ଟାବେଳେ ଆକାଶବାଣୀର ମନ୍ କୀ ବାତ୍ କାର୍ଯ୍ୟକ୍ରମରେ ଉଦ୍‌ବୋଧନ ଦେବେ । ଏହା ହେବ ମନ୍ କୀ ବାତ୍‌ର ୧୩୭ତମ ସଂସ୍କରଣ । ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ ନେଟୱର୍କ, ଆକାଶବାଣୀ ୱେବ୍‌ସାଇଟ୍ ଓ Newsonair, ମୋବାଇଲ୍ Appରେ ଏହି କାର୍ଯ୍ୟକ୍ରମ ଉପଲବ୍ଧ ହେବ । ଆକାଶବାଣୀ, DD News, PMO ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ମଧ୍ୟ ଏହାର ସିଧା ପ୍ରସାରଣ ହେବ । ହିନ୍ଦୀ ଭାଷାରେ ପ୍ରସାରଣ ପରେ ଆକାଶବାଣୀରେ ଏହି କାର୍ଯ୍ୟକ୍ରମର ଆଞ୍ଚଳିକ ଭାଷାନ୍ତରଣ ପ୍ରସାରଣ କରାଯିବ । ରାତି ୮ଟାରେ ଆଞ୍ଚଳିକ ଭାଷାନ୍ତରଣର ପୁନଃ ପ୍ରସାରଣ କରାଯିବ ।

*Kendrapada/R*

# ଶ୍ରୀବଳଦେବଜିଉ - ଝୁଲଣଯାତ୍ରା

ପବିତ୍ର ଶ୍ରାବଣ ମାସ ଶୁକ୍ଳପକ୍ଷ ଦଶମୀ ତିଥିରୁ ଆରମ୍ଭ ହୋଇଥିବା ତୁଳସୀକ୍ଷେତ୍ର କେନ୍ଦ୍ରାପଡ଼ାର ଆରାଧ୍ୟଦେବତା ଶ୍ରୀବଳଦେବଜିଉଙ୍କର ଝୁଲଣ ଯାତ୍ରା ଗତକାଲି ରାତିରେ ଶେଷ ହୋଇଛି । ସନ୍ଧ୍ୟା ଆଳତୀ ଶେଷ ହେବା ପରେ ମନ୍ଦିର ପରିସରରେ ଥିବା ବାସୁଦେବ ମନ୍ଦିରରୁ ଶ୍ରୀଜିଉଙ୍କ ଚଳନ୍ତି

ପ୍ରତିମା ରାଧାଗୋବିନ୍ଦଙ୍କୁ ବିଭିନ୍ନ ଅଳଙ୍କାରରେ ଭୂଷିତ କରାଯାଇ ସେବାୟତମାନଙ୍କଦ୍ୱାରା ଝୁଲଣମଣ୍ଡପରେ ବିଜେ କରାଯାଇଥିଲା ।

***Nayagada, Baragada, Nabarangpur/R***

## ଜାତୀୟ କ୍ରୀଡ଼ା ଦିବସ

କିମ୍ବଦନ୍ତୀ ହକି ଖେଳାଳି ମେଜର ଧ୍ୟାନ ଚାନ୍ଦଙ୍କ ଜନ୍ମ ବାର୍ଷିକୀକୁ ସ୍ମରଣ କରିବା ପାଇଁ ପ୍ରତିବର୍ଷ ଅଗଷ୍ଟ ୨୯ ତାରିଖକୁ ଜାତୀୟ କ୍ରୀଡ଼ା ଦିବସ ଭାବେ ପାଳନ କରାଯାଉଛି । ମେଜର ଧ୍ୟାନଚାନ୍ଦଙ୍କ ଅଧିନାୟକତ୍ୱରେ ୩ ଥର ଲଗାତାର ଭାବେ ଭାରତ ୧୯୨୮, ୧୯୩୨ ଏବଂ ୧୯୩୬ ମସିହାରେ ହକିରେ ଅଲିମ୍ପିକ୍ସ ପଦକ ଜିତିଥିଲା । ଚଳିତ ବର୍ଷ ଜାତୀୟ କ୍ରୀଡ଼ା ଦିବସର ଶୀର୍ଷକ ରହିଛି **"ଖେଳିବ ଭାରତ, ଜିତିବ ଭାରତ"** ।

**ମୁଖ୍ୟମନ୍ତ୍ରୀ** ମୋହନ ଚରଣ ମାଝୀ ଜାତୀୟ କ୍ରୀଡ଼ା ଦିବସ ଅବସରରେ ରାଜ୍ୟବାସୀଙ୍କୁ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇ କହିଛନ୍ତି, ଓଡ଼ିଶାରେ ଏକ ସମୃଦ୍ଧ କ୍ରୀଡ଼ା ସଂସ୍କୃତିର ବାତାବରଣ ସୃଷ୍ଟି କରି ସମୃଦ୍ଧ ଓଡ଼ିଶା-୨୦୩୬ ଓ ବିକଶିତ ଭାରତ-୨୦୪୭ର ଲକ୍ଷ୍ୟ ପୂରଣ ଦିଗରେ ଉଦ୍ୟମ ଜାରି ରଖିବାକୁ ହେବ ।

ଜାତୀୟ କ୍ରୀଡ଼ାଦିବସ ଉପଲକ୍ଷେ ଗତକାଲି ବରଗଡ଼ ଜିଲ୍ଲାରେ ବିଭିନ୍ନ କ୍ରୀଡ଼ାଭିତ୍ତିକ କାର୍ଯ୍ୟାକ୍ରମ ଆୟୋଜିତ ହୋଇଯାଇଛି । କ୍ରୀଡ଼ା ଓ ଯୁବସେବା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ବରଗଡ଼ ବିଜୁ ପଟ୍ଟନାୟକ ଇଣ୍ଡୋର ଷ୍ଟାଡିୟମ୍‌ଠାରେ ଆୟୋଜିତ ଜିଲ୍ଲାସ୍ତରୀୟ ସମାରୋହରେ ଯୋଗଦେଇ ମେଜର ଧ୍ୟାନଚାନ୍ଦଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରି ଶ୍ରଦ୍ଧାଞ୍ଜଳି ଜଣାଇଥିଲେ । ପରେ ଜିଲ୍ଲାର

କ୍ରୀଡ଼ାବିତ୍ ଓ 'ମାଇଁ ଭାରତ' ସ୍ୱେଚ୍ଛାସେବୀଙ୍କୁ ଶୃଙ୍ଖଳା ଓ ଦୃଢ଼ ସଙ୍କଳ୍ପ ସହ କ୍ରୀଡ଼ାକ୍ଷେତ୍ରରେ ଅଗ୍ରସର ହେବାକୁ ପରାମର୍ଶ ଦେଇଥିଲେ ।

ନୟାଗଡ଼ ଜିଲ୍ଲାରେ ମଧ୍ୟ ବିଭିନ୍ନ କ୍ରୀଡ଼ାଭିତ୍ତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ଜିଲ୍ଲା କ୍ରୀଡ଼ା ଅଧିକାରୀ, ପ୍ରଶିକ୍ଷକ ଓ ବିଭିନ୍ନ କ୍ରୀଡ଼ାବିତ୍ ଯୋଗଦେଇ ମେଜର ଧ୍ୟାନଚାନ୍ଦଙ୍କ କ୍ରୀଡ଼ାଜୀବନ ଓ ଅବଦାନ ସମ୍ପର୍କରେ ଉଦ୍‌ବୋଧନ ଦେଇଥିଲେ ।

ନବରଙ୍ଗପୁରଠାରେ ଜିଲ୍ଲାସ୍ତରୀୟ କ୍ରୀଡ଼ାଦିବସ ଉପଲକ୍ଷେ କାର୍ଯ୍ୟକ୍ରମମାନ ଆୟୋଜନ କରାଯାଇଥିଲା । ବିଧାୟକ ତଥା ଜିଲ୍ଲା ଯୋଜନା କମିଟି ଅଧ୍ୟକ୍ଷ ଗୌରୀଶଙ୍କର ମାଝୀ ଏବଂ ଜିଲ୍ଲାପାଳ ଡକ୍ଟର ମହେଶ୍ୱର ସ୍ୱାଇଁ ଯୋଗଦେଇ ସୁସ୍ଥ ଶାରୀରିକ ଓ ମାନସିକ ସ୍ୱାସ୍ଥ୍ୟପାଇଁ ପାଠ ପଢ଼ିବା ସହ କ୍ରୀଡ଼ା ଓ ଯୋଗ ଏକାନ୍ତ ଆବଶ୍ୟକ ବୋଲି ଶ୍ରୀ ମାଝୀ କହିଥିଲେ ।

***Desk***

# ତୈଳଯୁକ୍ତ ଖାଦ୍ୟ

ଛାତ୍ରଛାତ୍ରୀମାନଙ୍କର ସ୍ୱାସ୍ଥ୍ୟକୁ ଗୁରୁତ୍ୱ ଦେଇ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ କଲେଜର କ୍ୟାଣ୍ଟିନ୍ ଓ ହଷ୍ଟେଲ୍‌ଗୁଡ଼ିକରେ ଅଧିକ ତୈଳଯୁକ୍ତ ଖାଦ୍ୟ ବ୍ୟବହାର ନ କରିବାପାଇଁ ପରାମର୍ଶ ଦିଆଯାଇଛି । ଉଚ୍ଚଶିକ୍ଷା ବିଭାଗର ନିର୍ଦ୍ଦେଶନାମା ଅନୁସାରେ ସରକାରୀ ଏବଂ ସରକାରୀ ଅନୁଦାନପ୍ରାପ୍ତ ଶିକ୍ଷାନୁଷ୍ଠାନଗୁଡ଼ିକରେ କାର୍ଯ୍ୟକାରୀ କରିବାପାଇଁ କୁହାଯାଇଛି । ଏନ୍.ଏସ୍.ଏସ୍. ଏବଂ ୟୁଥ୍ ରେଡ୍‌କ୍ରସର ସ୍ୱେଚ୍ଛାସେବୀମାନେ ଏ ସମ୍ବନ୍ଧରେ ସଚେତନତା କାର୍ଯ୍ୟକ୍ରମ କରି

ଘରୋଇ ରୋଷେଇରେ ତେଲ ବ୍ୟବହାର କମ୍ କରିବାପାଇଁ ଉଚ୍ଚଶିକ୍ଷା ବିଭାଗର ଚିଠିରେ ଉଲ୍ଲେଖ ରହିଛି ।

***Met. O.***

## ପାଣିପାଗ

ଉତ୍ତର ବଙ୍ଗୋପସାଗର ଓ ସଂଲଗ୍ନ ପଶ୍ଚିମବଙ୍ଗ, ବାଂଲାଦେଶ ଉପକୂଳରେ ସୃଷ୍ଟି ହୋଇଥିବା ଘୂର୍ଣ୍ଣିବଳୟ ଅଧିକ ଘନୀଭୂତ ହୋଇଛି । ପାଣିପାଗ ବିଭାଗର ସୂଚନା ଅନୁସାରେ ପଶ୍ଚିମବଙ୍ଗ ଓ ଉତ୍ତର ଓଡ଼ିଶା ଉପକୂଳରେ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହେବାର ସମ୍ଭାବନା ରହିଛି । ଏହାର ପ୍ରଭାବରେ ବାଲେଶ୍ୱର, କେନ୍ଦୁଝର ଓ ମୟୂରଭଞ୍ଜ ଜିଲ୍ଲାରେ ପ୍ରବଳ ବର୍ଷା ନେଇ ପାଣିପାଗ ବିଭାଗ ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି । ଭଦ୍ରକ, ଯାଜପୁର, କେନ୍ଦ୍ରାପଡ଼ା, ଜଗତ୍‌ସିଂହପୁର, ସୁନ୍ଦରଗଡ଼, ସମ୍ବଲପୁର, ଦେବଗଡ଼, ଅନୁଗୁଳ, ଢେଙ୍କାନାଳ, କୋରାପୁଟ, ମାଲକାନଗିରି, ପୁରୀ, ନୟାଗଡ଼ ଓ ଖୋର୍ଦ୍ଧା ଜିଲ୍ଲାରେ ବର୍ଷା ହେବା ନେଇ ସୂଚନା ଜାରି କରାଯାଇଛି । ଚଳିତ ବର୍ଷ ଜୁନ୍ ମାସ ପହିଲାରୁ ଗତକାଲି ସୁଦ୍ଧା ରାଜ୍ୟରେ ୧ ହଜାର ୧ ଶହ ୧୧ ଦଶମିକ ୪ ମିଲିମିଟର ବର୍ଷା ରେକର୍ଡ଼ କରାଯାଇଛି, ଯାହା ସ୍ୱାଭାବିକ ବର୍ଷାଠାରୁ ୨୬ ପ୍ରତିଶତ ଅଧିକ । ରାଜ୍ୟର କୌଣସି ଜିଲ୍ଲାରେ ନିଅଣ୍ଟିଆ ବର୍ଷା ହୋଇ ନାହିଁ ଏବଂ ସମସ୍ତ ଜିଲ୍ଲାରେ ସ୍ୱାଭାବିକଠାରୁ ଅଧିକ ବର୍ଷା ହୋଇଥିବା ନେଇ ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ କୁହାଯାଇଛି ।

*****